ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ, ଓଡ଼ିଶା

# ଭୁବନେଶ୍ୱରରେ 'ଜୀବନ ଜିନ୍ଦାବାଦ-୨.୦'ର ଶୁଭାରମ୍ଭ: ରାଜ୍ୟରୁ ନିଶା ମୂଳପୋଛ ପାଇଁ ମୁଖ୍ୟମନ୍ତ୍ରୀଙ୍କ ଦୃଢ଼ ଆହ୍ୱାନ

ଆଗାମୀ ୩ ବର୍ଷ ପର୍ଯ୍ୟନ୍ତ କୌଣସି ନୂଆ ମଦ ଦୋକାନ ଖୋଲାଯିବ ନାହିଁ: ମୁଖ୍ୟମନ୍ତ୍ରୀ

ଡେଡ୍‌ଲାଇନ୍ ୨୦୨୯ ସୁଦ୍ଧା ଦେଶକୁ ନିଶାମୁକ୍ତ କରିବା ପାଇଁ ଓଡ଼ିଶା ପ୍ରତିବଦ୍ଧ

ନିଶାକୁ ନାଁ, ଜୀବନକୁ ହଁ—ଜୀବନ ଜିଇଁବାର ପ୍ରକୃତ ଶିକ୍ଷା ନିଅନ୍ତୁ - ମୁଖ୍ୟମନ୍ତ୍ରୀ

ଭୁବନେଶ୍ୱର
୪ ଅକ୍ଟୋବର ୨୦୨୬

ସ୍ଥାନୀୟ ରେଳ ଅଡିଟୋରିଅମଠାରେ କମିଶନରେଟ୍ ପୋଲିସ, ଆଜି ଆୟୋଜନ କରିଥିବା ଜନସଚେତନତା କାର୍ଯ୍ୟକ୍ରମ 'ଜୀବନ ଜିନ୍ଦାବାଦ- ୨.୦' ଅବସରରେ ମୁଖ୍ୟମନ୍ତ୍ରୀ ଶ୍ରୀ ମୋହନ ଚରଣ ମାଝୀ ଯୋଗଦେଇ ରାଜ୍ୟରୁ ନିଶାକୁ ମୂଳପୋଛ କରିବା ପାଇଁ ଦୃଢ଼ ଆହ୍ୱାନ ଦେଇଛନ୍ତି ।

ଏହି ଅବସରରେ ମୁଖ୍ୟମନ୍ତ୍ରୀ କମିଶନରେଟ୍ ପୋଲିସର 'ନିଶାମୁକ୍ତ ଭାରତ' ସମ୍ବନ୍ଧୀୟ ଏକ ସ୍ୱତନ୍ତ୍ର ୱେବସାଇଟ୍‌ର ଶୁଭାରମ୍ଭ କରିଥିଲେ ।

ନିଶା କେବଳ ବ୍ୟକ୍ତିଗତ ଜୀବନକୁ ନୁହେଁ, ବରଂ ସମଗ୍ର ପରିବାର ଓ ସମାଜକୁ ବରବାଦ କରିଦେଉଛି ବୋଲି ମତପ୍ରକାଶ କରି ମୁଖ୍ୟମନ୍ତ୍ରୀ ରାଜ୍ୟସରକାରଙ୍କ ପକ୍ଷରୁ ନିଶା ବିରୁଦ୍ଧରେ 'ଜିରୋ ଟଲରେନ୍ସ' ନୀତି ଜାରି ରହିଥିବା ସ୍ପଷ୍ଟ କରିଛନ୍ତି ।

ମାନବ ଜୀବନକୁ ଇଶ୍ୱରଙ୍କ ଏକ ଅମୂଲ୍ୟ ବରଦାନ ବୋଲି ବର୍ଣ୍ଣନା କରି ମୁଖ୍ୟମନ୍ତ୍ରୀ କହିଥିଲେ ଯେ ଜୀବନରେ ଯେତେ ବାଧାବିଘ୍ନ ଓ ବିଫଳତା ଆସିଲେ ମଧ୍ୟ ସେଗୁଡ଼ିକୁ ସାମ୍ନା କରି ଆଗକୁ ବଢ଼ିବା ହେଉଛି ପ୍ରକୃତ ଜୀବନ । ଗତବର୍ଷ ଆରମ୍ଭ ହୋଇଥିବା 'ଜୀବନ ଜିନ୍ଦାବାଦ' ଅଭିଯାନ ଆତ୍ମହତ୍ୟା ପ୍ରବୃତ୍ତିକୁ ରୋକିବାରେ ବଡ଼ ସଫଳତା ଦେଇଥିବାବେଳେ, ବର୍ତ୍ତମାନର 'ଜୀବନ ଜିନ୍ଦାବାଦ ୨.୦' ଯୁବବର୍ଗଙ୍କୁ ନିଶାରୁ ଦୂରେଇ ରଖି ଶିକ୍ଷା, କ୍ରୀଡ଼ା ଓ ସୃଜନଶୀଳତା ଆଡ଼କୁ ଆକର୍ଷିତ କରିବାର ଏକ ବ୍ୟାପକ ପ୍ରୟାସ ବୋଲି ସେ ମତବ୍ୟକ୍ତ କରିଛନ୍ତି ।

ଏହି ଅବସରରେ ରାଜ୍ୟର ପ୍ରତିଷ୍ଠିତ କଳାକାରମାନଙ୍କ ଦ୍ୱାରା ପ୍ରସ୍ତୁତ 'ଜୀବନ ଜିନ୍ଦାବାଦ', 'ନିଶାମୁକ୍ତ ଯୁବସମାଜ ବିକଶିତ ଭାରତ' ଏବଂ ସଚେତନମୂଳକ ନାଟକ 'ଭୂତ ମଣିଷର ନିଶାକୁ ନା' ମଞ୍ଚସ୍ଥ ହୋଇଥିଲା । ଏହି ସମସ୍ତ ନାଟକ ଓ ନୃତ୍ୟ ପ୍ରଦର୍ଶନଗୁଡ଼ିକର ଭୂୟସୀ ପ୍ରଶଂସା କରି ମୁଖ୍ୟମନ୍ତ୍ରୀ କହିଥିଲେ ଯେ ଏହି ନାଟକଗୁଡ଼ିକରୁ ପ୍ରତ୍ୟେକେ ଜୀବନ ଜିଇଁବାର ପ୍ରକୃତ ଶିକ୍ଷା ନେବା ଉଚିତ ।

ସାମ୍ପ୍ରତିକ ପରିସ୍ଥିତିରେ ଅଧିକାଂଶ ଜଘନ୍ୟ ଅପରାଧ ଓ ମହିଳା ହିଂସା ପଛରେ ନିଶା ସେବନ ମୁଖ୍ୟ କାରଣ ପାଲଟିଥିବା ନେଇ ଗଭୀର ଚିନ୍ତା ପ୍ରକଟ କରି ମୁଖ୍ୟମନ୍ତ୍ରୀ କହିଥିଲେ ଯେ ଦେଶରେ ପ୍ରତିବର୍ଷ କେବଳ ମଦ୍ୟପାନ କାରଣରୁ ପ୍ରାୟ ୨ ଲକ୍ଷ ୬୦ ହଜାରରୁ ୨ ଲକ୍ଷ ୮୦ ହଜାର ବ୍ୟକ୍ତିଙ୍କ ମୃତ୍ୟୁ ହେଉଛି । ମଦ୍ୟପାନ କରି ଗାଡ଼ି ଚଳାଇ ମୃତ୍ୟୁବରଣ କରୁଥିବା ବ୍ୟକ୍ତିଙ୍କ ତାଲିକାରେ ଓଡ଼ିଶା ଦ୍ୱିତୀୟ ସ୍ଥାନରେ ରହିବା ଅତ୍ୟନ୍ତ ଚିନ୍ତାଜନକ ବୋଲି ସେ ସ୍ୱୀକାର କରିଛନ୍ତି । କେବଳ ମଦ ନୁହେଁ, ଗଞ୍ଜେଇ, ଅଫିମ, କୋକେନ, ହେରୋଇନ, ବ୍ରାଉନ ସୁଗାର ଓ ସିନ୍ଥେଟିକ୍ ଡ୍ରଗ୍ସ ଭଳି ହାଇ-ରିସ୍କ ଡ୍ରଗ୍ସ ବିରୁଦ୍ଧରେ ରାଜ୍ୟର ପୋଲିସ ଓ ଅବକାରୀ ପ୍ରଶାସନ ଆହୁରି ଅଧିକ କଠୋର ପ୍ରୋ-ଆକ୍ଟିଭ ପଦକ୍ଷେପ ନେବ ବୋଲି ସେ ନିର୍ଦ୍ଦେଶ ଦେଇଛନ୍ତି ।

ରାଜ୍ୟ ସରକାରଙ୍କ ଗ୍ରହଣ କରାଯାଇଥିବା ବିଭିନ୍ନ ଦୃଢ଼ ପଦକ୍ଷେପଗୁଡ଼ିକୁ ଉଲ୍ଲେଖ କରି ମୁଖ୍ୟମନ୍ତ୍ରୀ ଜଣାଇଲେ ଯେ ଗତ ଏପ୍ରିଲ ପହିଲାରୁ ନୂତନ ଅବକାରୀ ନୀତି ଅନୁସାରେ ଆଗାମୀ ତିନି ବର୍ଷ ପର୍ଯ୍ୟନ୍ତ କୌଣସି ନୂଆ ମଦ ଦୋକାନ ଖୋଲାଯିବ ନାହିଁ । ଏହାସହ ଚୋରା ଓ ବିଷାକ୍ତ ମଦ କାରବାର ପାଇଁ ସ୍ଥାନୀୟ ପ୍ରଶାସନକୁ ଉତ୍ତରଦାୟୀ କରାଯାଇଛି । ତମାଖୁ ଓ ନିକୋଟିନ୍ ଯୁକ୍ତ ପାନ ମସଲା ଏବଂ ଗୁଟ୍‌କା ଉତ୍ପାଦନ ଓ ବିକ୍ରୟକୁ ସମ୍ପୂର୍ଣ୍ଣ ନିଷିଦ୍ଧ କରାଯିବା ସାଙ୍ଗକୁ ସ୍କୁଲ ଓ କଲେଜ କ୍ୟାମ୍ପସକୁ 'ନିଶା ନିଷିଦ୍ଧ' ଅଞ୍ଚଳ ଭାବେ ଘୋଷଣା କରାଯାଇଛି । ଦେଶର ଗୃହମନ୍ତ୍ରୀ ଶ୍ରୀ ଅମିତ ଶାହାଙ୍କ ଦ୍ୱାରା ୨୦୨୯ ଶେଷ ସୁଦ୍ଧା ଭାରତକୁ ସମ୍ପୂର୍ଣ୍ଣ ନିଶାମୁକ୍ତ କରିବା ପାଇଁ ଘୋଷିତ 'ଡେଡ୍‌ଲାଇନ୍'କୁ ସାକାର କରିବା ଦିଗରେ ଓଡ଼ିଶା ସରକାର ପ୍ରତିବଦ୍ଧ ବୋଲି ସେ ଦୃଢ଼ୋକ୍ତି ପ୍ରକାଶ କରିଛନ୍ତି ।

ଶେଷରେ, ପିତାମାତାମାନେ ନିଜ ପିଲାମାନଙ୍କ ଆଚରଣ ଓ ବ୍ୟବହାରରେ ପରିବର୍ତ୍ତନକୁ ଲକ୍ଷ୍ୟ କରି ଏହାକୁ 'ରେଡ୍-ଫ୍ଲାଗ୍' ଭାବେ ଗ୍ରହଣ କରିବାକୁ ମୁଖ୍ୟମନ୍ତ୍ରୀ ପରାମର୍ଶ

ଦେଇଛନ୍ତି । ଯୁବପିଢ଼ି ନିଶାଠାରୁ ଦୂରେଇ ରହି ସେହି ଟଙ୍କାକୁ ପ୍ରୋଟିନ ଓ ଏନର୍ଜି ଡ୍ରିଙ୍କ୍ସ ପରି ସ୍ୱାସ୍ଥ୍ୟକର ଜିନିଷରେ ଖର୍ଚ୍ଚ କରିବାକୁ ଆଗ୍ରହୀ ହେବା ଏକ ଆଶାର କିରଣ ବୋଲି ସେ କହିଥିଲେ । "ନିଶାକୁ ନାଁ, ଜୀବନକୁ ହଁ" ଏବଂ "Life is beautiful, Don't destroy it"ର ବାର୍ତ୍ତାକୁ ପ୍ରତ୍ୟେକ ଗାଁ ଓ ସହରରେ ପହଞ୍ଚାଇ ଏକ ସୁସ୍ଥ, ସଚେତନ ଓ ସମୃଦ୍ଧ ଓଡ଼ିଶା ଗଠନ ପାଇଁ ଆଜିର ଏହି କାର୍ଯ୍ୟକ୍ରମରେ ମୁଖ୍ୟମନ୍ତ୍ରୀ ସମସ୍ତଙ୍କୁ ଆହ୍ୱାନ ଜଣାଇଛନ୍ତି ।

ଏହି କାର୍ଯ୍ୟକ୍ରମରେ ପୋଲିସ ମହାନିର୍ଦ୍ଦେଶକ ଶ୍ରୀ ବିନୟତୋଷ ମିଶ୍ର, ପୋଲିସ କମିଶନର ଶ୍ରୀ ସୁରେଶ ଦେବଦତ୍ତ ସିଂହଙ୍କ ସମେତ ବରିଷ୍ଠ ପୋଲିସ ଅଧିକାରୀ, ବିଶିଷ୍ଟ ଅତିଥି ଏବଂ ବହୁସଂଖ୍ୟାରେ ଛାତ୍ରଛାତ୍ରୀ ଓ ଯୁବବର୍ଗ ଉପସ୍ଥିତ ଥିଲେ ।